ପ୍ରେସ୍ ନୋଟ୍

# ଆଜି ଅନୁଗୋଳ ଜିଲ୍ଲାରୁ ୨୭ ଜଣ କରୋନା ପଜିଟିଭ ଚିହ୍ନଟ ।

## ପଜିଟିଭ ସଂଖ୍ୟା ୪୩୯୩୯ରେ ପହଞ୍ଚିଲା - ସୁସ୍ଥ ହେଲେ ୩୭ ଜଣ ।

ଅନୁଗୋଳ, ତା.୨୫.୦୮:- ଆଜି ଅନୁଗୋଳ ଜିଲ୍ଲାରେ ୨୭ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୮ ଜଣ ( ୫ଜଣ ପୁରୁଷ ଓ ୩ଜଣ ମହିଳା), ବଁଅରପାଳ ବ୍ଲକ୍ ଅଂଚଳରୁ ୫ଜଣ (୩ ଜଣ ପୁରୁଷ ଓ୨ ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୪ଜଣ ( ୩ଜଣ ପୁରୁଷ ଓ ୧ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୩ଜଣ ( ୩ଜଣ ପୁରୁଷ ), ତାଳଚେର ପୌରାଞ୍ଚଳରୁ ୩ଜଣ ( ୨ଜଣ ପୁରୁଷ ଓ ୧ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୨ଜଣ ( ୨ଜଣ ପୁରୁଷ),ଅନୁଗୋଳ ବ୍ଲକ୍ ଅଂଚଳରୁ ୨ଜଣ ( ୨ଜଣ ପୁରୁଷ ) ଅଛନ୍ତି । ଚିହ୍ନଟ ହୋଇଥିବା ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କ ମଧ୍ୟରୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡ, ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୩୭ଜଣ ସୁସ୍ଥ ହୋଇଛନ୍ତି । ବର୍ତ୍ତମାନ ସୁଦ୍ଧା ଜିଲ୍ଲାରେ ୩୩୭ଜଣ ମୃତ୍ୟୁବରଣ କଲେଣି । ଆଜି ସୁଦ୍ଧା ୪ ଲକ୍ଷ ୯୫ହଜାର ୭୭୦ଜଣଙ୍କୁ ଟିକା ଦିଆଗଲାଣି ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।**

ଜ୍ଞାପକ ସଂଖ୍ୟା. ୫୪୫ ତା.୨୫.୮.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ